# ୨୪ ଘଣ୍ଟାରେ ୧୯,୪୫୯ ନୂଆ ସଂକ୍ରମିତ

**ନୂଆଦିଲ୍ଲୀ,୨୯।୬/ଏଜେନ୍ସି:**

ଭାରତରେ ଗତ ୨୪ ଘଣ୍ଟା ମଧ୍ୟରେ ୧୯ ହଜାର ୪୫୯ ନୂତନ କରୋନା ସଂକ୍ରମିତଙ୍କୁ ଚିହ୍ନଟ କରାଯାଇଥିବା ବେଳେ ବର୍ତ୍ତମାନ ସୁଦ୍ଧା ମୋଟ କରୋନା ସଂକ୍ରମିତଙ୍କ ସଂଖ୍ୟା ୫.୪୮ ଲକ୍ଷ ଛୁଇଁଛି । ସେହିପରି ଗତ ୨୪ ଘଣ୍ଟା ମଧ୍ୟରେ ଦେଶର ବିଭିନ୍ନ ଭାଗରେ କରୋନାଜନିତ ମୃତ୍ୟୁ ସଂଖ୍ୟା ୩୮୦ ରହିଥିବା ବେଳେ ବର୍ତ୍ତମାନ ସୁଦ୍ଧା ମୋଟ ମୃତ୍ୟୁ ସଂଖ୍ୟା ୧୬,୪୭୫ରେ ପହଞ୍ଚିଛି ବୋଲି କେନ୍ଦ୍ର ସ୍ୱାସ୍ଥ୍ୟ ମନ୍ତ୍ରଣାଳୟ ପକ୍ଷରୁ ପ୍ରକାଶ କରାଯାଇଥିବା ସର୍ବଶେଷ ରିପୋର୍ଟ ସୂତ୍ରରୁ ଜଣାପଡ଼ିଛି । ତେବେ ସବୁଠାରୁ ଗୁରୁତ୍ୱପୂର୍ଣ୍ଣ ବିଷୟ ହେଉଛି ଯେ, ବିଗତ ୬ ଦିନରେ ଦେଶରେ ସଂକ୍ରମଣ ସଂଖ୍ୟା ହୁ ହୁ ହୋଇ ବଢିବାରେ ଲାଗିଛି । କ୍ରମାଗତ ଭାବେ ଦୈନିକ ନୂତନ ସଂକ୍ରମିତଙ୍କ ସଂଖ୍ୟା ୧୫ ହଜାରରୁ ଊର୍ଦ୍ଧ୍ୱ ରହିଥିବା ବେଳେ ଚଳିତ ମାସ ୧ ତାରିଖରୁ ବର୍ତ୍ତମାନ ସୁଦ୍ଧା ମୋଟ ୩ ଲକ୍ଷ ୫୭ ହଜାର ୭୮୩ ଜଣ ସଂକ୍ରମଣର ଶିକାର ହୋଇଥିବା ଜଣାପଡ଼ିଛି । ବର୍ତ୍ତମାନ ସୁଦ୍ଧା ସକ୍ରିୟଙ୍କ ସଂଖ୍ୟା ୨ ଲକ୍ଷ ୧୦ ହଜାର ୧୨୦ ରହିଥିବା ବେଳେ ୩ ଲକ୍ଷ ୨୧ ହଜାର ୭୨୨ ଜଣ ସୁସ୍ଥତା ଲାଭ କରିଛନ୍ତି ।

ନିତିଦିନ NITIDIN
Tue, Jun 30, 2020
http://odishanewsnitidin.com